ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୮୩ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୦୪୪୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୬୩ ଜଣ ।

ଅନୁଗୋଳ, ତା,୨୦.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୮୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୭୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ସର୍ବାଧିକ ୨୪ଜଣ ( ୯ଜଣ ପୁରୁଷ ଓ ୧୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୩ଜଣ( ୧୧ଜଣ ପୁରୁଷ ଓ ୨ଜଣ ମହିଳା), ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୧୩ଜଣ ( ୯ଜଣ ପୁରୁଷ ଓ ୪ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୧ଜଣ( ୫ଜଣ ପୁରୁଷ ଓ ୬ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୦ଜଣ( ୮ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ (୭ ଜଣ ପୁରୁଷ ଓ୧ ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା)ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୬୩ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୭ଜଣ କୋଭିଡ ହସପିଟାଲରୁ ଓ ୫୬ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୬୦ ତା.୨୦.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

୨୦।୧୧।୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ